# ଜିଲ୍ଲାପାଳଙ୍କ ଦ୍ୱାରା ବିଭିନ୍ନ ଯୋଜନାର କାର୍ଯ୍ୟକାରିତାକୁ ନେଇ ସମୀକ୍ଷା -

## ମହାତ୍ମାଗାନ୍ଧୀ ଜାତୀୟଗ୍ରାମୀଣ ନିଶ୍ଚିତ କର୍ମ ନିଯୁକ୍ତି ଯୋଜନା ଓ ଜିଲ୍ଲା ଖଣିଜ ପାଣ୍ଠିର କାର୍ଯ୍ୟକାରିତା ଉପରେ ଗୁରୁତ୍ୱ ।

ଅନୁଗୋଳ,ତା. ୧୨.୧୦:- ଜିଲ୍ଲାରେ କାର୍ଯ୍ୟକାରୀ ହେଉଥିବା ମହାତ୍ମାଗାନ୍ଧୀ ଜାତୀୟ ଗ୍ରାମୀଣ ନିଶ୍ଚିତ କର୍ମ ନିଯୁକ୍ତି ଯୋଜନାର ସଠିକ୍ କାର୍ଯ୍ୟକାରିତାକୁ ନେଇ ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ଆଜି ପୂର୍ବାହ୍ନରେ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ସଭାଗୃହ ଠାରେ ସମୀକ୍ଷା କରିଛନ୍ତି । ଏହି ଯୋଜନାରେ ସ୍ୱଚ୍ଛତା ଅବଲମ୍ବନ କରି ହିତାଧିକାରୀମାନଙ୍କୁ ଏହାର ସୁଫଳ ଯୋଗାଇ ଦେବାକୁ ଜିଲ୍ଲାପାଳ ବିଭାଗୀୟ କର୍ମକର୍ତ୍ତାଙ୍କୁ ପରାମର୍ଶ ଦେଇଛନ୍ତି । ଜିଲ୍ଲାରେ କାର୍ଯ୍ୟକାରୀ ହେଉଥିବା ପ୍ରକଳ୍ପଗୁଡିକୁ ନିର୍ଦ୍ଧାରିତ ସମୟ ସୀମା ମଧ୍ୟରେ ଶେଷ କରିବାକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ସେହିପରି ଜିଲ୍ଲା ଖଣିଜ ପାଣ୍ଠିରେ ବିଭିନ୍ନ ବିଭାଗ ଦ୍ୱାରା କାର୍ଯ୍ୟକାରୀ ହେଉଥିବା ପ୍ରକଳ୍ପଗୁଡିକର ଅଗ୍ରଗତିକୁ ନେଇ ଦ୍ୱାଦଶତମ କାର୍ଯ୍ୟ ନିର୍ବାହୀ କମିଟୀ ବୈଠକ ଆଜି ପୂର୍ବାହ୍ନରେ ଜିଲ୍ଲାପାଳ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳ ଜିଲ୍ଲା ଖଣିଜ ପାଣ୍ଠିରେ କାର୍ଯ୍ୟକାରୀ ହୋଇଥିବା ବିଭିନ୍ନ ପ୍ରକଳ୍ପର କାର୍ଯ୍ୟକାରିତାକୁ ସମୀକ୍ଷା କରିବା ସହ ସମସ୍ତ କାର୍ଯ୍ୟରେ ସ୍ୱଚ୍ଛତା ବଜାୟ ରଖିବାକୁ ପରାମର୍ଶ ଦେଇଥିଲେ । ଲୋକମାନଙ୍କର ଆୟ କିପରି ବୃଦ୍ଧି ହେବ ସେଥିପାଇଁ ବିଭିନ୍ନ ପ୍ରକାରର ଆୟ ଉତ୍ପାଦନକାରୀ ଯୋଜନା କାର୍ଯ୍ୟକାରୀ କରିବା ଉପରେ ସେ ଗୁରୁତ୍ୱାରୋପ କରିଥିଲେ । ଅନୁଗୋଳ ଜିଲ୍ଲାରେ ପରିବେଶ ସୁରକ୍ଷାକୁ ଦୃଷ୍ଟିରେ ରଖି ବିଭିନ୍ନ ଯୋଜନା ପ୍ରସ୍ତୁତ କରିବାକୁ ବିଭାଗୀୟ କର୍ମକର୍ତ୍ତାଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଜିଲ୍ଲାରେ ଶିକ୍ଷା,ସ୍ୱାସ୍ଥ୍ୟ ଓ ପାନୀୟ ଜଳ ଭଳି ପ୍ରକଳ୍ପ ସମେତ ଜୀବିକା ନିର୍ବାହ କ୍ଷେତ୍ରରେ ଅଧିକ ପ୍ରକଳ୍ପ ପ୍ରସ୍ତୁତ କରିବାକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଜିଲ୍ଲା ଖଣିଜ ପାଣ୍ଠିରୁ କାର୍ଯ୍ୟକାରୀ ହେଉଥିବା ସମସ୍ତ ଖଣି ପ୍ରଭାବିତ ଅଂଚଳ ଏବଂ ଲୋକମାନଙ୍କର ସାମୁହିକ ବିକାଶ ପାଇଁ ଜିଲ୍ଲାପାଳ ଆହ୍ୱାନ ଦେଇଥିଲେ । ବୈଠକରେ ଉଚ୍ଚ ଅଗ୍ରାଧିକାର କ୍ଷେତ୍ରରେ ପାନୀୟ ଜଳ ,ସ୍ୱାସ୍ଥ୍ୟ, ଶିକ୍ଷା, ପରିବେଶ ସୁରକ୍ଷା, ମହିଳା ଓ ଶିଶୁ କଲ୍ୟାଣ, ବୟସ୍କ ଓ ଭିନ୍ନକ୍ଷମମାନଙ୍କ କଲ୍ୟାଣ,ଦକ୍ଷତା ବିକାଶ, ପରିମଳ ଓ ଗୃହ ନିର୍ମାଣ ଉପରେ କାର୍ଯ୍ୟକାରୀ ହେଉଥିବା ଯୋଜନା ଗୁଡିକ ଉପରେ ଜିଲ୍ଲାପାଳ ବିସ୍ତୃତ ଭାବେ ସମୀକ୍ଷା କରିଥିଲେ । ଜିଲ୍ଲାପାଳ ବିଭିନ୍ନ ଇଂଜିନିୟରିଂ ବିଭାଗ ଗୁଡିକର ସମନ୍ୱୟ କମିଟି ବୈଠକରେ ଯୋଗ ଦେଇ ବିଭାଗୀୟ କାର୍ଯ୍ୟକ୍ରମର ସମୀକ୍ଷା କରିଥିଲେ । ଏହି ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ,ବନଖଣ୍ଡ ଅଧିକାରୀ, (ସାତକୋସିଆ) ରାମା ସ୍ୱାମୀ ପି, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା.ଅଭୟ କୁମାର ଦାଶ, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ଅତିରିକ୍ତ ପ୍ରକଳ୍ପ ନିର୍ଦ୍ଦେଶକ(ବୈଷୟିକ) ଶ୍ରୀ ହରିହର ପାଢୀ, ଉପ-ଆରକ୍ଷୀ ଅଧିକ୍ଷକ(ଡିଆଇବି) ଏସ୍ ସି ପାଣିଗ୍ରାହୀ, ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡର ଆଂଚଳିକ ଅଧିକାରୀ ଡ.ଅନୁପ ମଲ୍ଲିକଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିରୀମାନେ ଯୋଗ ଦେଇଥିଲେ ।


DISTRICT RURAL DEVELOPMENT AGENCY
ANGUL